ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/FS&CW(Od)/317/28-05-2021**

## ମୟୂରଭଞ୍ଜ ଜିଲ୍ଲା ଗସ୍ତ କରି ବାତ୍ୟା ପରବର୍ତ୍ତୀ ସ୍ଥିତି ଅନୁଧାନ କଲେ ଯୋଗାଣ ମନ୍ତ୍ରୀ ଶ୍ରୀ ସ୍ୱାଇଁ
## ସ୍ଥିତି ସ୍ୱାଭାବିକ ହେଉଛି: ମନ୍ତ୍ରୀ ଶ୍ରୀ ସ୍ୱାଇଁ

ଭୁବନେଶ୍ୱର, ୨୮ ମଇ, ୨୦୨୧

ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ, ସମବାୟ ମନ୍ତ୍ରୀ ଶ୍ରୀ ରଣେନ୍ଦ୍ର ପ୍ରତାପ ସ୍ୱାଇଁ ଆଜି ବାରିପଦାଠାରେ ବାତ୍ୟା 'ୟାସ୍' ପରବର୍ତ୍ତୀ ସ୍ଥିତି ସହିତ ରିଲିଫ୍ ଓ ପୁନରୁଦ୍ଧାର କାର୍ଯ୍ୟର ସମୀକ୍ଷା କରିଛନ୍ତି । ମୟୂରଭଞ୍ଜ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ବୈଠକରେ ଜିଲ୍ଲାପାଳ ଶ୍ରୀ ଭୀନିତ ଭରଦ୍ୱାଜଙ୍କ ସମେତ ଜିଲ୍ଲାର ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ରହି ବିଭିନ୍ନ ବିଭାଗ ପକ୍ଷରୁ ଗ୍ରହଣ କରାଯାଇଥିବା ପଦକ୍ଷେପ ସଂପର୍କରେ ସୂଚନା ପ୍ରଦାନ କରିଥିଲେ । ଜିଲ୍ଲାରେ ହୋଇଥିବା କ୍ଷୟକ୍ଷତିର ଅନୁଧାନ କରାଯାଉଛି ବୋଲି ମନ୍ତ୍ରୀ ଶ୍ରୀ ସ୍ୱାଇଁ କହିବା ସହ ସ୍ଥିତି ଖୁବ୍‌ଶୀଘ୍ର ସ୍ୱାଭାବିକ ହେବ ବୋଲି ଆଶାପ୍ରକାଶ କରିଥିଲେ । ପୁନରୁଦ୍ଧାର ଓ ଥଇଥାନ କାର୍ଯ୍ୟ ସନ୍ତୋଷଜନକ ବୋଲି ମନ୍ତ୍ରୀ ଶ୍ରୀ ସ୍ୱାଇଁ କହିବା ସହିତ ହିତାଧିକାରୀଙ୍କୁ ଦୁଇମାସର ପିଡିଏସ୍ ରାସନ ସାମଗ୍ରୀ ଯୋଗାଣ କ୍ଷେତ୍ରରେ ଜିଲ୍ଲା ଆଗୁଆ ରହିଛି ବୋଲି କହିଥିଲେ । ଏଥି ସହିତ ମନ୍ତ୍ରୀ ଶ୍ରୀ ସ୍ୱାଇଁ ରବିଧାନ ସଂଗ୍ରହର ସଦ୍ୟତମ ସ୍ଥିତି ସଂପର୍କରେ ମଧ ସମୀକ୍ଷା କରିଥିଲେ । ବୈଠକରେ ମୟୂରଭଞ୍ଜର ଆରକ୍ଷୀ ଅଧୀକ୍ଷକ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ, ଅତିରିକ୍ତ ଜିଲ୍ଲାପାଳ, ଉପଜିଲ୍ଲାପାଳ, ଜିଲ୍ଲା ମୁଖ୍ୟ ଯୋଗାଣ ଅଧିକାରୀ ଏବଂ ଡିଆର୍‌ସିଏସ୍‌ଙ୍କ ସମେତ ପୂର୍ତ୍ତ, ଗ୍ରାମ୍ୟ ଉନ୍ନୟନ ଓ ଶକ୍ତି ବିଭାଗର ନିର୍ବାହୀ ଯନ୍ତ୍ରୀ ଏବଂ ଅଧୀକ୍ଷଣ ଯନ୍ତ୍ରୀମାନେ ଉପସ୍ଥିତ ଥିଲେ ।

ବାରିପଦାଠାରେ ସମୀକ୍ଷା ବୈଠକ ପରେ ମନ୍ତ୍ରୀ ଶ୍ରୀ ସ୍ୱାଇଁ ବାଲେଶ୍ୱର ଜିଲ୍ଲାର ଭୋଗରାଇ ବ୍ଲକ୍‌ରେ ବାତ୍ୟା କ୍ଷତିଗ୍ରସ୍ତ ଅଞ୍ଚଳଗୁଡ଼ିକୁ ବୁଲି ଦେଖିବା ସହିତ ଥଇଥାନ ଓ ପୁନରୁଦ୍ଧାର କାର୍ଯ୍ୟକୁ ତ୍ୱରାନ୍ୱିତ କରିବା ପାଇଁ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ । ଏଥି ସହିତ ମନ୍ତ୍ରୀ ଶ୍ରୀ ସ୍ୱାଇଁ ଜଳସଂପଦ ବିଭାଗର ବରିଷ୍ଠ ଅଧିକାରୀଙ୍କ ସହିତ ନଦୀବନ୍ଧର କ୍ଷୟକ୍ଷତି ବୁଲି ଦେଖିଥିଲେ ।

ମନ୍ତ୍ରୀ ଶ୍ରୀ ସ୍ୱାଇଁ ଭୋଗରାଇ ବ୍ଲକ୍ ଅନ୍ତର୍ଗତ ତାଳସରୀ, ହୁଗୁଳି, ଶାହାବାଜିପୁର, ଉଦୟପୁର, ଚନ୍ଦ୍ରାବାଲି, ଖଡିବିଲ, ଏନ୍‌ଏମ୍ ପଡ଼ିଆ, କିର୍ତ୍ତନିଆ, ବଡ଼ପାହି, ଭୂଷଣ୍ଡେଶ୍ୱର ଇତ୍ୟାଦି ବାତ୍ୟା କ୍ଷତିଗ୍ରସ୍ତ ଅଞ୍ଚଳ ବୁଲି ଦେଖିଥିଲେ । ଏହି ଅବସରରେ ଭୋଗରାଇର ବିଧାୟକ ଶ୍ରୀ ଅନନ୍ତ ଦାସଙ୍କ ସମେତ ବ୍ଲକ୍ ଅଧକ୍ଷ ଏବଂ ମଣ୍ଡଳ ଉନ୍ନୟନ ଅଧିକାରୀଙ୍କ ସମେତ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ ।

ତାପସ କୁମାର ସାହା
ସୂଚନା ଅଧିକାରୀ